ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୬୦୩ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୨୦୪୫ରେ ପହଞ୍ଚିଲା - ସୁସ୍ଥ ହେଲେ ୪୨୪ ଜଣ ।

ଅନୁଗୋଳ, ତା.୧୩.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୬୦୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧୯ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୫୭୬ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୧୩୧ଜଣ ( ୧୦୦ଜଣ ପୁରୁଷ ଓ ୩୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୨୨ଜଣ ( ୯୩ଜଣ ପୁରୁଷ ଓ ୨୯ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୦୦ଜଣ (୭୧ ଜଣ ପୁରୁଷ ଓ ୨୯ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬୬ଜଣ ( ୪୬ଜଣ ପୁରୁଷ ଓ ୨୦ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫୭ଜଣ ( ୩୯ଜଣ ପୁରୁଷ ଓ ୧୮ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩୮ଜଣ ( ୨୮ଜଣ ପୁରୁଷ ଓ ୧୦ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩୬ଜଣ ( ୨୬ଜଣ ପୁରୁଷ ଓ ୧୦ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୯ଜଣ (୧୫ ଜଣ ପୁରୁଷ ଓ ୪ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୬ଜଣ ( ୧୨ଜଣ ପୁରୁଷ ଓ୪ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୧ଜଣ ( ୭ଜଣ ପୁରୁଷ ଓ ୪ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୧ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୨୪ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୫୩ ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୦୪ ତା.୧୩.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ପ୍ରିୟମଣି ୧୩/୫/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ